ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/WCD(Od)/434/22-07-2025**

# "ସୁଭଦ୍ରା ସମୀକ୍ଷା" ର ଶୁଭାରମ୍ଭ କଲେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା

- କଲେଜ ପଢୁଆ ଛାତ୍ରଛାତ୍ରୀ କରିବେ ସର୍ଭେ
- ସୁଭଦ୍ରା ସହାୟତା ଅର୍ଥର ଉପଯୋଗ ବିଷୟରେ ପଚାରିବେ ପ୍ରଶ୍ନ

ଭୁବନେଶ୍ୱର, ତା ୨୨/୦୭/୨୦୨୫ରିଖ

ସୁଭଦ୍ରା ଆଜି ଓଡ଼ିଶାର କୋଣେ ଅନୁକୋଣରେ ପହଞ୍ଚି ମା ଓ ଭଉଣୀମାନଙ୍କର ଆର୍ଥିକ ଆବଶ୍ୟକତାକୁ ପୂରଣ କରୁଛି ଏବଂ ସେମାନଙ୍କ ଇଛା ତଥା ସ୍ୱପ୍ନକୁ ନୂଆ ରୂପ ପ୍ରଦାନ କରୁଛି । ରାଜ୍ୟର ମହିଳାମାନଙ୍କ ଆର୍ଥିକ ସଶକ୍ତିକରଣ ସୁଭଦ୍ରା ଯୋଜନା ଆରମ୍ଭର ମୂଳ ଲକ୍ଷ୍ୟ । ସୁଭଦ୍ରା ସହାୟତା ଓଡ଼ିଶାର ମା ଭଉଣୀମାନଙ୍କ ଜୀବନରେ କ'ଣ ପରିବର୍ତ୍ତନ ଆଣିଛି ଓ ଆଉ କଣ କଲେ ସୁଭଦ୍ରା କାର୍ଯ୍ୟଶୈଳୀରେ ପରିବର୍ତ୍ତନ ଆଣିହେବ -ଏପରି ପ୍ରଶ୍ନଗୁଡିକୁର ଉତ୍ତର ପାଇବା ପାଇଁ ମହିଳା ଏବଂ ଶିଶୁ ବିକାଶ ବିଭାଗ, ଉଚ୍ଚଶିକ୍ଷା ବିଭାଗ ଏବଂ ଆଇଆଇଏମ ସମ୍ବଲପୁରର ସହଭାଗୀତାରେ ସୁଭଦ୍ରା ସମୀକ୍ଷା କାର୍ଯ୍ୟକ୍ରମ ଆରମ୍ଭ ହୋଇଛି ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା ସୁଭଦ୍ରା ସମୀକ୍ଷା କାର୍ଯ୍ୟକ୍ରମର ଶୁଭାରମ୍ଭ ଅବସରରେ ମତ ପ୍ରକାଶ କରିଛନ୍ତି । ଆଜି ଭୁବନେଶ୍ୱରସ୍ଥିତ ୟୁନିଟ ୯ ବାଳକ ଉଚ୍ଚ ବିଦ୍ୟାଳୟ ପରିସରରେ ଥିବା ଶୁକବିହାର ଶନିବିହାର ଅଙ୍ଗନବାଡି କେନ୍ଦ୍ରରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡାଙ୍କ କରକମଳରେ ସୁଭଦ୍ରା ସମୀକ୍ଷା କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ସମାଜସେବୀ ଶ୍ରୀ ଜଗନ୍ନାଥ ପ୍ରଧାନ, ମହିଳା ଶିଶୁ ବିକାଶ ବିଭାଗ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ଓ ଅନ୍ୟ ବରିଷ୍ଠ ଅଧିକାରୀବୃନ୍ଦ ଉପସ୍ଥିତ ଥିଲେ।

ସୁଭଦ୍ରା ସମୀକ୍ଷା କାର୍ଯ୍ୟକ୍ରମରେ କଲେଜ ପଢୁଆ ଛାତ୍ରଛାତ୍ରୀମାନେ ଆଗାମୀ ୨ ସପ୍ତାହବ୍ୟାପୀ ସାରା ରାଜ୍ୟର ଅଙ୍ଗନବାଡି କେନ୍ଦ୍ରଗୁଡିକରେ ସାକ୍ଷାତକାର କାର୍ଯ୍ୟକ୍ରମ ମାଧ୍ୟମରେ ହିତାଧିକାରୀମାନଙ୍କୁ ସୁଭଦ୍ରା କାର୍ଯ୍ୟକ୍ରମ ସମ୍ବନ୍ଧୀୟ ବିଭିନ୍ନ ପ୍ରଶ୍ନ ପଚାରି ଆବଶ୍ୟକ ତଥ୍ୟ ସୁନିଶ୍ଚିତ କରିବେ । ସୁଭଦ୍ରା ସହାୟତାର ଉପଯୋଗ ଓ ସୁଭଦ୍ରା କାର୍ଯ୍ୟକ୍ରମର ପ୍ରଭାବ ବିଷୟରେ ସେମାନେ ତଥ୍ୟ ସଂଗ୍ରହ କରିବେ।

ଏହି କାର୍ଯ୍ୟକ୍ରମରେ ପର୍ଯ୍ୟାୟକ୍ରମେ ୨୨,୦୦୦ ମହିଳା ହିତାଧିକାରୀଙ୍କୁ ନେଇ ସୁଭଦ୍ରା ସମୀକ୍ଷା କାର୍ଯ୍ୟକ୍ରମର ବ୍ୟବସ୍ଥା କରାଯାଇଛି। ଏହି ଗ୍ରୁପରେ ବିଭିନ୍ନ ସାମାଜିକ ବର୍ଗ ଏବଂ ବୟସ ଭିତ୍ତିରେ ହିତାଧିକାରୀଙ୍କୁ ନିଆଯାଇଛି । ହିତାଧିକାରୀଙ୍କ ଇଛା ଓ ଆକାଂକ୍ଷାକୁ ବୁଝିବା ସହ ସୁଭଦ୍ରା ସହାୟତାର ଯଥାର୍ଥ ଉପଯୋଗ ଏହି କାର୍ଯ୍ୟକ୍ରମର ମୂଳ ଲକ୍ଷ୍ୟ । ସର୍ବେକ୍ଷଣ ତଥ୍ୟ ଆଧାରରେ ଆଗାମୀ ସୁଭଦ୍ରା କାର୍ଯ୍ୟକ୍ରମର କାର୍ଯ୍ୟାନ୍ୱୟନ କରାଯିବ। ଏହି ସର୍ବେକ୍ଷଣ କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ବିଭାଗ ଅଧିକାରୀ ତଥା ତାଲିମପ୍ରାପ୍ତ କର୍ମକର୍ତ୍ତାମାନେ ଛାତ୍ରଛାତ୍ରୀମାନଙ୍କୁ ସହଯୋଗ କରିବେ । ଆଇଆଇଏମ, ସମ୍ବଲପୁର ସହଯୋଗରେ ମହିଳା ଓ ଶିଶୁ ବିକାଶ ବିଭାଗ ଏହି ସମୀକ୍ଷାର ତଥ୍ୟକୁ ବିଶ୍ଳେଷଣ କରି ସମ୍ପୂର୍ଣ୍ଣ ରିପୋର୍ଟ ପ୍ରସ୍ତୁତ କରିବେ ।

ତନୁଜା ମହାନ୍ତି
ଲୋକସମ୍ପର୍କ ଅଧିକାରୀ